**REGIONAL NEWS UNIT, AIR CUTTACK**

**Morning Bulletin (7.05 AM)**

**13 September - 2024**

**News Editor : *Itishree Singh Rathaur***

# ମୁଖ୍ୟମନ୍ତ୍ରୀ-ସମୀକ୍ଷା

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ମାଲକାନଗିରି ଜିଲ୍ଲା ଗସ୍ତ କରି ଲଗାଣ ବର୍ଷା ଜନିତ କ୍ଷୟକ୍ଷତି ସଂପର୍କରେ ସମୀକ୍ଷା କରିଛନ୍ତି । ଏହି ସମୟରେ ମୁଖ୍ୟମନ୍ତ୍ରୀ ୭ ଦିନ ମଧ୍ୟରେ କ୍ଷୟକ୍ଷତିର ଆକଳନ କରି ରିପୋର୍ଟ ପ୍ରଦାନ କରିବାକୁ ଜିଲ୍ଲାପାଳଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । ଗସ୍ତ ସମୟରେ ସେ ଆକାଶମାର୍ଗରୁ ପ୍ରଭାବିତ ଅଞ୍ଚଳ ପରିଦର୍ଶନ କରିଥିଲେ । ଏହାପରେ ଜିଲ୍ଲାପରିଷଦ ସମ୍ମିଳନୀ କକ୍ଷରେ ସମୀକ୍ଷା ବୈଠକରେ ମୁଖ୍ୟମନ୍ତ୍ରୀ କ୍ଷତିଗ୍ରସ୍ତ କଚ୍ଚାଘର ପାଇଁ ତୁରନ୍ତ ସହାୟତା ପ୍ରଦାନ ଏବଂ ବିଜୁଳି ସଂଯୋଗୀକରଣ କାର୍ଯ୍ୟକୁ ଅଗ୍ରାଧିକାର ଭିତ୍ତିରେ ସଂପୂର୍ଣ୍ଣ କରିବାକୁ ବିଭାଗୀୟ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଥିଲେ ।

# ମୃତ୍ତିକା ସ୍ୱାସ୍ଥ୍ୟ ପରୀକ୍ଷଣ ବୈଠକ

ଉପମୁଖ୍ୟମନ୍ତ୍ରୀ ତଥା କୃଷି ଓ କୃଷକ ସଶକ୍ତିକରଣ ମନ୍ତ୍ରୀ କନକବର୍ଦ୍ଧନ ସିଂହଦେଓଙ୍କ ଅଧ୍ୟକ୍ଷତାରେ ମୃତ୍ତିକା ପରୀକ୍ଷା ନେଇ ଭୁବନେଶ୍ୱରର କୃଷିଭବନ ସମ୍ମିଳନୀ କକ୍ଷରେ ଏକ ବୈଠକ ଆୟୋଜିତ ହୋଇଯାଇଛି । ଏହି ଅବସରରେ ଶ୍ରୀ ସିଂହଦେଓ କହିଛନ୍ତି ଜଳବାୟୁ ପରିବର୍ତ୍ତନ ନେଇ ମୃତ୍ତିକାର ଗୁଣବତ୍ତା ପ୍ରଭାବିତ ହେଉଛି । ଏହାକୁ ଦୃଷ୍ଟିରେ ରଖି ମୃତ୍ତିକାର

ପରୀକ୍ଷଣ ଅତ୍ୟନ୍ତ ଜରୁରୀ । ମୃତ୍ତିକାର ଗୁଣବତ୍ତା ଅନୁଯାୟୀ ଫସଲ ଲଗାଇବା ସହିତ ସାର ଓ ଜୈବିକ ଖତ ବ୍ୟବହାର ଦ୍ୱାରା ଉତ୍ପାଦନ ବୃଦ୍ଧି ପାଇବା ସହିତ ଚାଷୀ ମଧ୍ୟ ଲାଭ ପାଇପାରିବ । ଚାଷୀ ମୃତ୍ତିକା ପରୀକ୍ଷଣ କଲେ ଏହାର ରିପୋର୍ଟ ୩ ବର୍ଷ ପର୍ଯ୍ୟନ୍ତ ବୈଧ ରହିବ  ବୋଲି ମନ୍ତ୍ରୀ କହିଛନ୍ତି ।

---

## +୨ ଫର୍ମ ପୂରଣ

ଯୁକ୍ତ ଦୁଇ ପରୀକ୍ଷା ପାଇଁ ଆସନ୍ତା ୧୮ ତାରିଖରୁ ଫର୍ମ ପୂରଣ ଆରମ୍ଭ ହେବ । ରେଗୁଲାର ଏବଂ ଏକ୍ସରେଗୁଲାର ପରୀକ୍ଷାର୍ଥୀ ଫର୍ମ ପୂରଣ କରିପାରିବେ । ଏ ନେଇ ଉଚ୍ଚମାଧ୍ୟମିକ ଶିକ୍ଷା ପରିଷଦ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି । ଅକ୍ଟୋବର ମାସ ୧ ତାରିଖ ପର୍ଯ୍ୟନ୍ତ ପରୀକ୍ଷାର୍ଥୀମାନେ ବିନା ଜୋରିମାନାରେ ଫର୍ମ ପୂରଣ କରିପାରିବେ ବୋଲି ପରିଷଦ ପକ୍ଷରୁ ସୂଚନା ଦିଆଯାଇଛି ।

---

## ପ୍ରଧାନମନ୍ତ୍ରୀଙ୍କ ଗସ୍ତକୁ ନେଇ ବିଜେପିର ବୈଠକ

ମୁଖ୍ୟମନ୍ତ୍ରୀ ମୋହନଚରଣ ମାଝୀଙ୍କ ଅଧ୍ୟକ୍ଷତାରେ ରାଜ୍ୟ ସରକାରଙ୍କ ୧୦୦ ଦିନର ଉପଲବ୍ଧିକୁ ଜନସାଧାରଣଙ୍କ ପାଖରେ ପହଞ୍ଚାଇବା ପାଇଁ ଗତକାଲି ବିଜେପି ରାଜ୍ୟ କାର୍ଯ୍ୟାଳୟରେ ଏକ ବୈଠକ ଅନୁଷ୍ଠିତ ହୋଇଯାଇଛି । ଆସନ୍ତା ୧୭ ତାରିଖରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କର ଓଡ଼ିଶା ଗସ୍ତ ସଂପର୍କରେ ଏହି ବୈଠକରେ ବିସ୍ତୃତ ଭାବରେ ଆଲୋଚନା କରାଯାଇଥିଲା। ରାଜ୍ୟ ବିଜେପି ସଭାପତି ମନମୋହନ

ସାମଗଙ୍କ ଉପସ୍ଥିତିରେ ଆୟୋଜିତ ବୈଠକରେ ସଦସ୍ୟତା ଅଭିଯାନ, ପ୍ରଧାନମନ୍ତ୍ରୀଙ୍କ ଓଡ଼ିଶା ଗସ୍ତ, ସୁଭଦ୍ରା ଯୋଜନାର ଶୁଭାରମ୍ଭ ଆଦି ସଂପର୍କରେ ଆଲୋଚନା ହୋଇଥିଲା ।

# ଶୈକ୍ଷିକ ସହାୟକ କାର୍ଯ୍ୟକ୍ରମ

ବିଦ୍ୟାଳୟ ଓ ଗଣଶିକ୍ଷାମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ  ଆଭାସୀ ମାଧ୍ୟମରେ ବିନା ଦେୟରେ ଶୈକ୍ଷିକ ସହାୟକ କାର୍ଯ୍ୟକ୍ରମର ଶୁଭାରମ୍ଭ କରିଛନ୍ତି । ଏ ସଂପର୍କରେ ମନ୍ତ୍ରୀ କହିଛନ୍ତି ଏହି କାର୍ଯ୍ୟକ୍ରମ  ଉପାନ୍ତ ଅଞ୍ଚଳର ଛାତ୍ରଛାତ୍ରୀମାନଙ୍କୁ ପ୍ରତିଯୋଗିତାମୂଳକ ପରୀକ୍ଷା, ବିଭିନ୍ନ ପ୍ରବେଶିକା ପରୀକ୍ଷାରେ କୃତକାର୍ଯ୍ୟ ହେବା ଦିଗରେ ସହାୟକ ହେବ । ସୂଚନା ଅନୁସାରେ ଉଚ୍ଚମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶାଳୟ ପକ୍ଷରୁ ଚଳିତ ଶିକ୍ଷାବର୍ଷରେ ନାମଲେଖାଇଥିବା ୮୨ ହଜାରରୁ ଊର୍ଦ୍ଧ୍ୱ ଛାତ୍ରଛାତ୍ରୀ ଶୈକ୍ଷିକ ସହାୟକ କାର୍ଯ୍ୟକ୍ରମରେ ଅନ୍‌ଲାଇନ୍ ମାଧ୍ୟମରେ ଯୋଡ଼ି ହୋଇଛନ୍ତି । ଦ୍ୱାଦଶ ଶ୍ରେଣୀରେ ଉତ୍ତୀର୍ଣ୍ଣ ହେବା ପରେ ଛାତ୍ରଛାତ୍ରୀମାନେ ବିଭିନ୍ନ ପ୍ରତିଯୋଗିତାମୂଳକ ପରୀକ୍ଷାର ପ୍ରସ୍ତୁତି ପାଇଁ ପ୍ରତି ସୋମବାରରୁ ଗୁରୁବାର ପର୍ଯ୍ୟନ୍ତ ଏହି ଅନ୍‌ଲାଇନ୍ କ୍ଲାସ୍‌ରେ ଯୋଡ଼ିହୋଇ ପାରିବେ ।

---

# ସୁଭଦ୍ରା-ସଚେତନତା

ରାଜ୍ୟରେ ସୁଭଦ୍ରା ଯୋଜନା ସଂପର୍କିତ ଜନସଚେତନତା ସୃଷ୍ଟି ପାଇଁ ଆଜିଠାରୁ ପ୍ରତି ବ୍ଲକ ଓ ପଞ୍ଚାୟତରେ ସୁଭଦ୍ରା ସ୍ୱାଗତ ସପ୍ତାହ  ଅନୁଷ୍ଠିତ ହେବ । ଏଥିରେ ବ୍ଲକ ସ୍ତରର ସମସ୍ତ ଅଧିକାରୀଙ୍କ ସମେତ ଅଙ୍ଗନବାଡ଼ି

କର୍ମୀ, ସୁପରଭାଇଜର, ଆଶାକର୍ମୀ ଲୋକଙ୍କୁ ସୁଭଦ୍ରା ଯୋଜନା ସଂପର୍କରେ ସଚେତନ କରିବେ । ପ୍ରତି ଗ୍ରାମପଞ୍ଚାୟତରେ ପଥପ୍ରାନ୍ତ ନାଟକ ସହ ଚିତ୍ରାଙ୍କନ, କୁଇଜ୍ ଆଦି ପ୍ରତିଯୋଗିତାର ଆୟୋଜନ ହେବ । ପ୍ରତି ଅଞ୍ଚଳର ସଫଳ ମହିଳାଙ୍କୁ **ସୁଭଦ୍ରା ଅପା** ଆଖ୍ୟା ଦିଆଯିବା ସହ ସଫଳ ମହିଳାଙ୍କ କାହାଣୀକୁ **ମୋ ସୁଭଦ୍ରା କାହାଣୀ** ଭାବେ ପ୍ରତିଷ୍ଠିତ କରାଯିବାକୁ ସରକାର ନିଷ୍ପତ୍ତି ନେଇଛନ୍ତି ।

ସୂଚନା ଅନୁସାରେ ଗତକାଲି ସନ୍ଧ୍ୟାସୁଦ୍ଧା ସୁଭଦ୍ରା ଯୋଜନା ପାଇଁ ୪୫ ଲକ୍ଷ ଲୋକ ପଞ୍ଜୀକରଣ କରିଥିବା ଜଣାପଡ଼ିଛି ।

---

## କେନ୍ଦ୍ରମନ୍ତ୍ରୀ ରାଜୀବ ରଞ୍ଜନ ସିଂହ

କେନ୍ଦ୍ର ମତ୍ସ୍ୟଚାଷ, ପ୍ରାଣୀସମ୍ପଦ, ଦୁଗ୍ଧ ଉତ୍ପାଦନ ଓ ପଞ୍ଚାୟତିରାଜ ମନ୍ତ୍ରୀ ରାଜୀବ ରଞ୍ଜନ ସିଂହ ଆଜି ଓଡ଼ିଶା ଗସ୍ତରେ ଆସୁଛନ୍ତି । ଭୁବନେଶ୍ୱର ଲୋକସେବା ଭବନ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ହେବାକୁ ଥିବା ପ୍ରାଣୀସମ୍ପଦ ଓ ଦୁଗ୍ଧ ଉତ୍ପାଦନ କ୍ଷେତ୍ରର ମୌସୁମୀ ବୈଠକରେ ସେ ଯୋଗଦେବାର କାର୍ଯ୍ୟକ୍ରମ ରହିଛି । ତାଙ୍କ ସହ ବିଭାଗୀୟ କେନ୍ଦ୍ର ରାଷ୍ଟ୍ରମନ୍ତ୍ରୀ ଏସ୍.ପି. ସିଂହ ବାଘେଲ୍ ଏବଂ ରାଷ୍ଟ୍ରମନ୍ତ୍ରୀ ଜର୍ଜ କୁରିଏନ୍ ମଧ୍ୟ ଏହି ବୈଠକରେ ଯୋଗଦେବେ ।

---

# ଆପଦା ପ୍ରବନ୍ଧନ ପୁରସ୍କାର

କେନ୍ଦ୍ର ସରକାର ବିପର୍ଯ୍ୟୟ ପରିଚାଳନା କ୍ଷେତ୍ରରେ ଉତ୍କର୍ଷତା ପାଇଁ **ସୁବାସ ଚନ୍ଦ୍ର ବୋଷ ଆପଦା ପ୍ରବନ୍ଧନ ପୁରସ୍କାର-୨୦୨୫** ଲାଗି ନାମାଙ୍କନ ଆମନ୍ତ୍ରଣ କରିଛନ୍ତି । ଏଥିପାଇଁ ଯେକୌଣସି ବ୍ୟକ୍ତି ବା ସଂସ୍ଥା ଆବେଦନ କରିପାରିବେ । ଏହି ପୁରସ୍କାର ପାଇଁ  ଚଳିତ ମାସ ୩୦ ତାରିଖ ପର୍ଯ୍ୟନ୍ତ ନାମାଙ୍କନ ଦାଖଲ କରିପାରିବେ । ଆସନ୍ତା ଜାନୁୟାରୀ ୨୩ ତାରିଖ ସୁବାସ ଚନ୍ଦ୍ର ବୋଷଙ୍କ ଜୟନ୍ତୀ ଅବସରରେ ଏହି ପୁରସ୍କାର ଘୋଷଣା କରାଯିବ ।

---

# ପାଣିପାଗ

ଦକ୍ଷିଣ-ପୂର୍ବ ବାଂଗଲାଦେଶ ଓ ପାର୍ଶ୍ୱବର୍ତ୍ତୀ ଅଞ୍ଚଳରେ ଏକ ଘୂର୍ଣ୍ଣିବଳୟ ସୃଷ୍ଟି ହୋଇଛି । ଏହାର ପ୍ରଭାବରେ ବାଂଗଲାଦେଶ ଉପକୂଳ ଓ ତତ୍‌ସଂଲଗ୍ନ ଉତ୍ତର ବଙ୍ଗୋପସାଗରରେ ଏକ ଲଘୁଚାପ ସୃଷ୍ଟି ହେବ । ପରେ ଏହି ଲଘୁଚାପ ପଶ୍ଚିମ-ଉତ୍ତର-ପଶ୍ଚିମ ଦିଗରେ ଗତିକରି ଅବପାତରେ ପରିଣତ ହେବାର ସମ୍ଭାବନା ରହିଛି ବୋଲି ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ସୂଚନା ମିଳିଛି । ଆସନ୍ତା ୨୪ ଘଣ୍ଟା ମଧ୍ୟରେ ପ୍ରବଳ ବର୍ଷା ହେବା ନେଇ କଳାହାଣ୍ଡି ଜିଲ୍ଲା ପାଇଁ ସତର୍କ ସୂଚନା ଜାରି କରାଯାଇଛି । ସେହିଭଳି ୧୪ଟି ଜିଲ୍ଲାରେ ଘଡ଼ଘଡ଼ି ସହ ବର୍ଷା ହେବା ନେଇ ସୂଚନା ଦିଆଯାଇଛି ।

---